ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-I&PR(OD)-1359-27/02/2021

# ଜୟନ୍ତୀରେ ପୁଣ୍ୟାତ୍ମା ଆଚାର୍ଯ୍ୟ ହରିହରଙ୍କୁ ଶ୍ରଦ୍ଧାଞ୍ଜଳି

ଭୁବନେଶ୍ୱର ତା- ୨୭.୨.୨୦୨୧

ସତ୍ୟବାଦୀ ବକୁଳ ବନ ବିଦ୍ୟାଳୟର ଆଦର୍ଶ ଶିକ୍ଷକ , ସ୍ୱାଧୀନତା ସଂଗ୍ରାମୀ, ପୁଣ୍ୟାତ୍ମା ଆଚାର୍ଯ୍ୟ ହରିହର ଦାସଙ୍କ ୧୪୩ ତମ ଜୟନ୍ତୀରେ ସୂଚନା ଓ ଲୋକ ସଂପର୍କ ବିଭାଗ ଏବଂ ଆଚାର୍ଯ୍ୟ ବିହାର ସ୍ଥିତ ଆଚାର୍ଯ୍ୟ ବିହାର ପରିଷଦ ତରଫରୁ ଆଜି ସକାଳେ ମାଲ୍ୟାର୍ପଣ ଓ ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଜ୍ୟ ଜଳ ସଂପଦ, ସୂଚନା ଓ ଲୋକ ସଂପର୍କ ମନ୍ତ୍ରୀ ଶ୍ରୀ ରଘୁନନ୍ଦନ ଦାସ ଯୋଗଦେଇ ଆଚାର୍ଯ୍ୟ ବିହାର ଠାରେ ଆଚାର୍ଯ୍ୟ ହରିହରଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ । ଏହି ଅବସରରେ ମନ୍ତ୍ରୀ ଶ୍ରୀ ଦାସ ସମବେତ ଆଚାର୍ଯ୍ୟ ବିହାର ପରିଷଦର କର୍ମକର୍ତ୍ତା ଓ ସ୍ଥାନୀୟ ଜନସାଧାରଣଙ୍କୁ ଉଦ୍‌ବୋଧନ ଦେଇ ଆଚାର୍ଯ୍ୟଙ୍କର ତ୍ୟାଗପୂତ ଜୀବନର ସ୍ମୃତିଚାରଣ କରିବା ସଙ୍ଗେ ସଙ୍ଗେ ଆଚାର୍ଯ୍ୟ ବିହାର ପରିଷଦ ତରଫରୁ ଏହି ପୁଣ୍ୟାତ୍ମାଙ୍କ ସ୍ମୃତି ରକ୍ଷା ପାଇଁ କରାଯାଉଥିବା ବିଭିନ୍ନ କାର୍ଯ୍ୟକ୍ରମକୁ ପ୍ରଶଂସା କରିଥିଲେ । ଏହି ମାଲ୍ୟାର୍ପଣ କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧରେ ସୂଚନା ଓ ଲୋକ ସମ୍ପର୍କ ବିଭାଗ ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର, ବିଭାଗର ଯୁଗ୍ମ ନିର୍ଦ୍ଦେଶକ ଡଃ. ପ୍ରମୋଦ କୁମାର ମଲ୍ଲିକ, ଉପ ନିର୍ଦ୍ଦେଶକ ଶ୍ରୀ ସନ୍ତୋଷ କୁମାର ଦାସ, ସହକାରୀ ନିର୍ଦ୍ଦେଶକ(କ୍ଷେତ୍ର) ଶ୍ରୀମତୀ ସୁଚେତା ପ୍ରିୟଦର୍ଶିନୀ, ଆଚାର୍ଯ୍ୟ ବିହାର ପରିଷଦର ସଭାପତି ଶ୍ରୀ ଭାଗବତ ପ୍ରସାଦ ଦାସ, ସଂପାଦକ ଶ୍ରୀ ଶିଶିର ମହାପାତ୍ର, କାର୍ଯ୍ୟନିର୍ବାହୀ କମିଟି ସଦସ୍ୟ ଶ୍ରୀ ବିମଳ ପ୍ରସାଦ ଦାସଙ୍କ ସମେତ ଆଚାର୍ଯ୍ୟ ବିହାର ପରିଷଦର ସମସ୍ତ କର୍ମକର୍ତ୍ତା ଓ ସଭ୍ୟମାନେ ଉପସ୍ଥିତ ରହି ପୁଣ୍ୟାତ୍ମା ହରିହରଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାସୁମନ ଓ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ ।

ପଠାଣି ରାଉତ
ସୂଚନା ଅଧିକାରୀ